# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 272 CUTTACK, THURSDAY, FEBRUARY 23, 2017/FALGUNA 4, 1938**

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 4 ଫେବ୍ରୁଆରୀ 2017

ସଂଖ୍ୟା 4131—RDM-LAB-KLD-0033/2016-R&DM.—ସର୍ବସାଧାରଣଙ୍କ ଅବଗତି ନିମନ୍ତେ, ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍ ୨୦୧୩ର ଧାରା ୧୯ର ଅଧିନିୟମ (୧) ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ ଉକ୍ତ ଆଇନ୍‌ର ଧାରା ୧୫(୨) ଅନୁସାରେ ଜିଲ୍ଲାପାଳ, କଳାହାଣ୍ଡିଙ୍କ ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି ମୌଜା ମେଦିନୀପୁର, ଥାନା ଭବାନୀପାଟଣା ନଂ. ୧୭୧, ତହସିଲ ଭବାନୀପାଟଣା, ଜିଲ୍ଲା କଳାହାଣ୍ଡିରେ ନିମ୍ନସୂଚିତ 'କ' ତଫସିଲ ଜମି ଏହି ଆଇନ୍‌ର ଧାରା ୨ (୧) ପ୍ରକାରେ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯଥା କଳାହାଣ୍ଡି ଜିଲ୍ଲାର ରେତ ମଧ୍ୟମ ଜଳସେଚନ ପ୍ରକଳ୍ପର ଭେଜିପଦର ମାଇନର କେନାଲ ଖନନ ନିମନ୍ତେ ନିର୍ବାହୀ ଯନ୍ତ୍ରୀ, ଅନୁସନ୍ଧାନ ବିଭାଗ, ଭବାନୀପାଟଣା, କଳାହାଣ୍ଡିଙ୍କ ଦ୍ୱାରା ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ ର ଧାରା ୧୧(୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା ୨୦୭୪୧, ତାରିଖ ୮ ଜୁଲାଇ ୨୦୧୬ରେ ପ୍ରକାଶିତ ହୋଇଅଛି ;

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ, ମୌଜା ମେଦିନୀପୁର, ଥାନା ଭବାନୀପାଟଣା, ଜିଲ୍ଲା କଳାହାଣ୍ଡିରେ କୌଣସି ବିସ୍ଥାପିତ ପରିବାର ନଥିବାରୁ ପୁନର୍ବାସ ଓ ଥଇଥାନ ନିମିତ୍ତ କୌଣସି ଜମି ଚିହ୍ନଟ ଓ ପୁନର୍ବାସ ଓ ଥଇଥାନ ଯୋଜନା ରୂପରେଖର ସାରମର୍ମ ସଂଲଗ୍ନ କରାଯାଇନାହିଁ ।

ଅନୁମୋଦିତ ପୁନର୍ବାସ ଓ ଥଇଥାନ ଯୋଜନା, ଜିଲ୍ଲାପାଳ ଏବଂ ପୁନର୍ବାସ ଓ ଥଇଥାନ ପ୍ରଶାସନ କାର୍ଯ୍ୟାଳୟରେ ଉପଲବ୍ଧ ଅଟେ । ଏହା ମଧ୍ୟ ଜିଲ୍ଲା ୱେବ୍‌ସାଇଟ www. kalahandi.nic.in ରେ ଏବଂ ରାଜ୍ୟ ସରକାରଙ୍କ ୱେବ୍‌ସାଇଟ www.odisha.gov.in/ revenue ରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପ୍‌ଲୋଡ କରାଗଲା । ପୁନର୍ବାସ ଓ ଥଇଥାନ ଯୋଜନାର ଭୂମି ନକ୍ସା, ସ୍ୱତନ୍ତ୍ର ଭୂ-ଅର୍ଜନ ଅଧିକାରୀଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ତଫସିଲ-'କ'

(ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ)

ଜିଲ୍ଲା- କଳାହାଣ୍ଡି ତହସିଲ-ଭବାନୀପାଟଣା

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ଅଧିଗ୍ରହଣ ହେବାକୁ ଥିବା ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ମେଦିନୀପୁର | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ କରାଗଲା | ଏଥିସହିତ ସଂଲଗ୍ନ କରାଗଲା | ଏଥିସହିତ ସଂଲଗ୍ନ କରାଗଲା | ୬.୨୯ ଏକର | ୨.୦୦ ଏକର | ଏଥିସହିତ ସଂଲଗ୍ନ କରାଗଲା |

ତଫସିଲ–'ଖ'

(ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁସୂଚୀ)

ଜିଲ୍ଲା– କଳାହାଣ୍ଡି — ତହସିଲ–ଭବାନୀପାଟଣା

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ପୁନର୍ବାସ ନିମିତ୍ତ ଚିହ୍ନଟ ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପ୍ରଯୁଜ୍ୟ ନୁହେଁ | | | | | | | |

## ଭୂମି ଅନୁସୂଚୀ

| ଜିଲ୍ଲାର ନାମ | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ଜମିର ମୋଟ ରକବା | ଅଧିସୂଚିତ ହେବାକୁ ଥିବା ଜମିର ପରିମାଣ | ରୟତଙ୍କ ନାମ ଏବଂ ପିତାଙ୍କ ନାମ |
|---|---|---|---|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) | (୭) | (୮) | (୯) | (୧୦) |
| | | | | | | | ଏକର | ଏକର | |
| କଳାହାଣ୍ଡି | ଭବାନୀପାଟଣା | ମେଦିନୀପୁର | ଗ୍ରାମାଞ୍ଚଳ | ୨୧୬ | ୧୪୩ | ଜଳ ଏକଫସଲି | ୧.୬୪ | ୦.୬୦ | ବାରିକ ମହାକୁଡ, ପି. ମଧୁସୂଦନ ମହାକୁଡ, ଜା. ଗଉଡ, ସା. ଗଣନାଥପୁର । |
| | | | | ୨୯୮ | ୧୪୨ | ଜଳ ଏକଫସଲି | ୦.୫୫ | ୦.୧୫ | ଜଳିତା ବେଓ୍ୱା, ସ୍ୱା. ପ୍ରତାପ କେଶରୀ କରୁଆଁ, |
| | | | | | ୧୩୬ | ଜଳ ଏକଫସଲି | ୦.୬୨ | ୦.୪୦ | ଚମ୍ପାଦେଇ, ସ୍ୱା. ସାଧୁ ବାଗ, ସା. କୁହୁଡି, ଥାନା |
| | | | | | ୧୪୪ | ଜଳ ଏକଫସଲି | ୦.୫୫ | ୦.୦୨ | ସଦର, କୈଳାସ କରୁଆଁ, ପି. ଗଦାଧର କରୁଆଁ, ମାତା ରୁକୁଣୀ କରୁଆଁ, ଜାତି ଡମ୍ବ, ସା. ବଳରାମପୁର । |
| | | | | ୩୫୯/୨୫୧ | ୧୪୮ | ମାଳ | ୦.୧୨ | ୦.୦୩ | ଅଜୟ କୁମାର ସାହୁ, ପି. ଈଶ୍ୱର ସାହୁ, ଜା. ତେଲି, |
| | | | | | ୧୪୯ | ବେର୍ଣ୍ଣା | ୦.୨୬ | ୦.୨୦ | ବା. ନିଜଗାଁ । |
| | | | | ୩୫୯/୩୯୯ | ୧୫୦ | ଜଳ ଏକଫସଲି | ୨.୫୫ | ୦.୬୦ | ରାଣା ପୃଥୀ ରାଜ ସିଂ, ବା. ଇରିଗେସନ କଲୋନୀ, ଭବାନୀପାଟଣା । |
| | | | | | | ମୋଟ | .. | ୨.୦୦ | |

ତଫସିଲ–'ଖ'

(ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁସୂଚୀ)

ମୌଜା– ମେଦିନୀପୁର — ଥାନା–ଭବାନୀପାଟଣା — ଜିଲ୍ଲା– କଳାହାଣ୍ଡି

| ଜିଲ୍ଲାର ନାମ | ତହସିଲ | ଗ୍ରାମ | ଗ୍ରାମାଂଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ଜମିର ମୋଟ ରକବା | ଅଧିସୂଚିତ ହେବାକୁ ଥିବା ଜମିର ପରିମାଣ | ରୟତଙ୍କ ନାମ ଏବଂ ପିତାଙ୍କ ନାମ |
|---|---|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ | ୯ | ୧୦ |
| ଏହାର ଆବଶ୍ୟକତା ନାହିଁ | | | | | | | | | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ସଂଗ୍ରାମ କେଶରୀ ମହାପାତ୍ର**

ଯୁଗ୍ମ ଶାସନ ସଚିବ

---

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 2142—173+20